भाकृअनुप - केंद्रीय चावल अनुसंधान संस्थान
ଭା.କୃ.ଅନୁ.ପ.-କେନ୍ଦ୍ରୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬
(An ISO 9001: 2015 Certified Institute

# କୃଷି ସୂଚନା ସେବା (ଧାନ)

## ୨୦୨୬ ମସିହା ଏପ୍ରିଲ ମାସ ପ୍ରଥମ ପକ୍ଷ ପାଇଁ କାର୍ଯ୍ୟପନ୍ଥା

**ବର୍ତମାନ ସମୟରେ ଅଧିକାଂଶ ଧାନଗ୍ରଷ ହେଉଥିବା ଅଂଚଳରେ ହଳଦିଆ କାଣ୍ଡବିନ୍ଧା ପୋକ ଲାଗିଥିବାର ଦେଖାଯାଉଛି ।**

- ଏହି ପୋକର ନିରୀକ୍ଷଣ ପାଇଁ ରୁଆ ଧାନରେ ଏକର ପିଛା ୩ଟି ହିସାବରେ ଯୌନ ସମ୍ବେଦନଶୀଳ ଯନ୍ତା ରଖନ୍ତୁ । ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତାପ୍ରତି ୩ଟି ଦେଖାଯିବ ତେବେ ଏହାର ଦମନ ପାଇଁ ନିମ୍ବ ମଂଜିରୁ ତିଆରି ଔଷଧ ଆଜାଡିରାକ୍ଟିନ୍ ୦.୧୫% ଇ.ସି. ଏକର ପ୍ରତି ୮୦୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ କିମ୍ବା କ୍ଲୋରାନ୍ ଟ୍ରାନିଲିପ୍ରୋଲ ୦.୪% ଜି.ଆର୍. ଏକର ପ୍ରତି ୪ କି.ଗ୍ରା. କିମ୍ବା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ଜି. ଏକର ପ୍ରତି ୧୦ କି.ଗ୍ରା. ସମାନ ପରିମାଣର ବାଲି ସହ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା କ୍ଲୋରାନ୍ ଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. ୬୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । କିମ୍ବା ଫ୍ଲୁବେନ୍‌ଡିମାଇଡ୍ ୪୮୦ ଏସ୍.ସି. ୩୯.୩୫ ଡବ୍ଲ୍ୟୁ/ଡବ୍ଲ୍ୟୁ) ୨୦ ମି.ଲି. କିମ୍ବା ଟେଟ୍ରାନିଲିପ୍ରୋଲ ୨୦୦ ଜି/ଏଲ୍. ଏସ୍.ସି. ୮୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ଏକ ଏକରରେ ସିଂଚନ କରନ୍ତୁ ।
- ଯେତେବେଳେ ଏହି ପୋକର ଅଣ୍ଡା ବିଲରେ ଦେଖାଯିବ ତେବେ ଏକର ପିଛା ଗୋଟିଏ ଟ୍ରାଇକୋକାର୍ଡ ବ୍ୟବହାର କରନ୍ତୁ ।
- ସପ୍ତାହ ଅନ୍ତରରେ ୪ ରୁ ୫ ଥର ଏହି ଭଳି କାର୍ଡ ବ୍ୟବହାର କରାଯାଇପାରିବ ।
- ଯେତେବେଳେ ଧାନ ବିଲରେ ଏହି ପୋକର ଅଣ୍ଡା ଦେଖିବେ ତେବେ ତାକୁ ସଂଗ୍ରହ କରି ନଷ୍ଟ କରିଦିଅନ୍ତୁ ।
- ବୟସ୍କ ପୋକମାନଙ୍କୁ ଧରିବାପାଇଁ ଆଲୋକ ଯନ୍ତା ବ୍ୟବହାର କରିପାରିବେ ।
- ଗଛର ତଳଭାଗରେ ହଳଦିଆ କାଣ୍ଡବିନ୍ଧା ପୋକର ଅଣ୍ଡାଗୁଡିକ ବୁଡାଇବା ପାଇଁ ପର୍ଯ୍ୟାୟ କ୍ରମେ ଜଳସେଚନର ସ୍ତର ବଢ଼ାଇବା ଦରକାର ।
- ରୁଆଧାନରେ ପିଲ ବାହାରିବା ସମୟରେ ଏକର ପ୍ରତି ୩୫ କି.ଗ୍ରା. ୟୁରିଆ ସହିତ ୧୧ କି.ଗ୍ରା. ଏମ୍.ଓ.ପି (ପଟାସସାର) ପ୍ରୟୋଗ କରନ୍ତୁ । କାଦୁଅ ବୁଣା ଧାନରେ ଏକର ପ୍ରତି ୨୨ କି.ଗ୍ରା. ୟୁରିଆ ସହିତ ୧୧ କି.ଗ୍ରା. ଏମ୍.ଓ.ପି. ପ୍ରୟୋଗ କରନ୍ତୁ ।
- ଯଦି ପତ୍ରଚିତା ରୋଗ ଦେଖାଦିଏ ତେବେ ଏକର ପ୍ରତି ୫୦୦ ଗ୍ରାମ୍ କାର୍ବେଣ୍ଡାଜିମ୍ ୧୨% + ମାଙ୍କୋଜେବ୍ ୬୩% ଡବ୍ଲ୍ୟୁ.ପି. କିମ୍ବା ଏକର ପ୍ରତି ୨୦୦ ମି.ଲି. ପ୍ରୋପିକୋନାଜୋଲ୍ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।
- ଏହି ପକ୍ଷରେ ବାୟୁମଣ୍ଡଳର ତାପମାତ୍ରା ସାଧାରଣଠାରୁ ଅଧିକ ରହିବ ଓ ଧିରେ ଧିରେ ବଢ଼ିବାର ପୂର୍ବାନୁମାନ ରହିଛି । ଅଧିକ ତାପମାତ୍ରା ସହିତ ମଝିରେ ମଝିରେ କାଳବୈଶାଖୀ ବର୍ଷାଯୋଗୁଁ ବାଦାମୀଗୁଣ୍ଡି ପୋକ (ବି.ପି.ଏଚ୍) ବା ଚକତା ପୋକ ଆକ୍ରମଣର ଅଧିକ ସମ୍ଭାବନା ଅଛି । ବାଦାମୀଗୁଣ୍ଡି ପୋକର ଆର୍ଥିକ ଦେହଳୀ ସୀମାରେଖା ଅର୍ଥାତ୍ ୫-୧୦ ଗୋଟି ପୋକ ବୁଦା ପ୍ରତି ଦେଖାଦେଲେ ନିମ୍ନଲିଖିତ ଉପଦେଶଗୁଡିକ ଧ୍ୟାନରେ ରଖନ୍ତୁ । ଧାନ ଗଛର ସୂକ୍ଷ୍ମ

ପରିବେଶକୁ ବଦଳାଇବା ଆବଶ୍ୟକ । ଯେପରିକି ଜମିକୁ କିଛିଦିନ ଆର୍ଦ୍ର ଏବଂ କିଛିଦିନ ଶୁଖିଲା କରିବା ଅର୍ଥାତ୍ ଅଧିକ ସମୟ ପର୍ଯ୍ୟନ୍ତ ଜମିରେ ଠିଆପାଣି ରଖନ୍ତୁ ନାହିଁ । ଏହା ସତ୍ୱେ ଯଦି ପୋକ ନିୟନ୍ତ୍ରଣ ନହୁଏ ତେବେ ନିମ୍ନ ମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% କୁ ଏକର ପିଛା ୮୦୦ ମି.ଲି. ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ କିମ୍ବା ଏକର ପିଛା ଟ୍ରାଇଫ୍ଲୁମେଜୋପାଇରିମ୍ ୧୦ % ଏସ୍.ସି. ୧୦୦ ମି.ଲି. କିମ୍ବା ପାଇମେଟ୍ରୋଜିନ୍ ୫୦% ଡବ୍ଲ୍ୟୁ.ଜି ୧୨୦ ଗ୍ରାମ୍ କିମ୍ବା ଡିନୋଟେଫ୍ୟୁରାନ୍ ୨୦% ଏସ୍.ଜି. ୮୦ ଗ୍ରାମ୍ କିମ୍ବା ଇମିଡାକ୍ଲୋପ୍ରିଡ୍ ୧୭.୮% ଏସ୍.ଏଲ୍. ୫୦୦ ମି.ଲି. କିମ୍ବା ଏସିଫେଟ୍ ୭୫% ଏସ୍. ପି. ୪୦୦ ଗ୍ରାମ୍ ପ୍ରୟୋଗ କରନ୍ତୁ । ବାଦାମୀଗୁଣ୍ଡି ପୋକ ଲାଗିଥିଲେ କେବଳ ଅନୁମୋଦିତ ଔଷଧ ହିଁ ଉପଯୁକ୍ତ ପରିମାଣର ବ୍ୟବହାର କରନ୍ତୁ ।

- ଯଦି ମହିଷାରୋଗ ଦେଖାଯାଏ, ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% + ଟେବୁକୋନାଜୋଲ ୫୦% ଏକର ପ୍ରତି ୮୦ ଗ୍ରାମ୍ କିମ୍ବା ଏଡିଫେନ୍‌ଫସ୍ ୫୦ ଇ.ସି. ଏକର ପ୍ରତି ୨୦୦ ମି.ଲି. କିମ୍ବା ଏକର ପ୍ରତି କାସୁଗାମାଇସିନ୍ ୩ ଏସ୍.ଏଲ୍. ୫୦୦ ମି.ଲି., ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

- ଯଦି ପତ୍ରପୋଡା ଦେଖାଯାଏ ତେବେ ଏହାର ନିୟନ୍ତ୍ରଣ ପାଇଁ ଏକର ପିଛା ୨୦୦ ଗ୍ରାମ୍ ପ୍ଲାଂଟୋମାଇସିନ୍ ସହିତ ୨୦୦ ଗ୍ରାମ୍ କପର ଅକ୍ସିକ୍ଲୋରାଇଡ୍ ର ମିଶ୍ରଣକୁ ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।

- ଯଦି ଗନ୍ଧିପୋକର ଆର୍ଥିକ ଦେହଳୀ ସୀମା ଅର୍ଥାତ୍ ବୁଦାପ୍ରତି ୨ରୁ ଅଧିକ ଗନ୍ଧିପୋକ ଦେଖାଯାଏ ତେବେ ପ୍ରତି ଏକର ପିଛା ଇଥୋଫେନ୍‌ପ୍ରକ୍ସ ୧୦ ଇ.ସି. ୨୦୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ କିମ୍ବା ମାଲାଥିଅନ୍ ୫ ଡି. ୧୦ କି.ଗ୍ରା. ଗୁଣ୍ଡକୁ ସକାଳେ ପବନ ନଥିବା ସମୟରେ ପ୍ରୟୋଗ କରନ୍ତୁ ।

- ଯଦି କେଣ୍ଡାକଟା ସଂବାଳୁଆ ଦେଖାଯାଏ ତେବେ ଏକର ପ୍ରତି ୪୦୦ ମି.ଲି. କୁଇନାଲଫସ୍ ୨୫ ଇ.ସି. କିମ୍ବା ୫୦୦ ମି.ଲି. କ୍ଲୋରୋପାଇରିଫସ୍ ୨୦ ଇ.ସି. ସକାଳ ସମୟରେ ଧାନ ଗଛର ମୂଳକୁ ସିଂଚନ କରନ୍ତୁ ।

- ଯେଉଁ ଜମିରେ ମାଟିର ଆର୍ଦ୍ରତା ଅଛି ସେଠାରେ ପ୍ରଥମ ଖରାଟିଆ ଚଷ କରି ଦିଅନ୍ତୁ ।

*****